# ଆଜି ଅନୁଗୋଳ ଜିଲ୍ଲାରୁ ୨ ଜଣ କରୋନା ପଜିଟିଭ ଚିହ୍ନଟ

ପଜିଟିଭ ସଂଖ୍ୟା ୪୪୩୭୫ରେ ପହଞ୍ଚିଲା - ସୁସ୍ଥ ହେଲେ ୬ଜଣ ।

ଅନୁଗୋଳ, ତା.୦୪.୧୦:- ଆଜି ଅନୁଗୋଳ ଜିଲ୍ଲାରେ ୨ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତଂକ ମଧ୍ୟରେ କେବଳ ବଅଁରପାଳ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ ୧ ଜଣ ମହିଳା) ଚିହ୍ନଟ ହୋଇଛନ୍ତି । ଚିହ୍ନଟ ହୋଇଥିବା ଆକ୍ରାନ୍ତଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୮୯ ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୮ ଲକ୍ଷ ୫୨ହଜାର ୮୮୨ ଜଣଙ୍କୁ ଟିକା ଦିଆଗଲାଣି ।